# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 22th February - 2025

**********************************

## ମୁଖ୍ୟ ସମ୍ବାଦ

- ଆକାଶବାଣୀର ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ଆସନ୍ତାକାଲି ଦେଶବାସୀଙ୍କ ସହ ଭାବ ବିନିମୟ କରିବେ ପ୍ରଧାନମନ୍ତ୍ରୀ ।

- ଭୁବନେଶ୍ୱରର ଏକ ଘରୋଇ ବିଶ୍ୱବିଦ୍ୟାଳୟରେ ନେପାଳୀ ଛାତ୍ରୀ ମୃତ୍ୟୁ ଘଟଣାରେ ନେପାଳର ବୈଦେଶିକ ବ୍ୟାପାର ମନ୍ତ୍ରୀଙ୍କ ସହ କଥାହେଲେ ମୁଖ୍ୟମନ୍ତ୍ରୀ ।

- ଭୁବନେଶ୍ୱରରେ ସୁଭଦ୍ରା ଶକ୍ତିମେଳାକୁ ଉଦ୍‌ଘାଟନ କଲେ ମୁଖ୍ୟମନ୍ତ୍ରୀ ।

- ପ୍ରଧାନମନ୍ତ୍ରୀଙ୍କ ଦ୍ୱିତୀୟ ପ୍ରମୁଖ ସଚିବ ଭାବେ ନିଯୁକ୍ତ ହେଲେ ଆର୍.ବି.ଆଇ.ର ପୂର୍ବତନ ଗଭର୍ଣ୍ଣର ଶକ୍ତିକାନ୍ତ ଦାସ ।

ଏବଂ

- ପଶ୍ଚିମାଝଡ଼ର ପ୍ରଭାବରେ ଘଡ଼ଘଡ଼ି ସହ ବର୍ଷା ହେବାନେଇ ୨୨ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କଲା ପାଣିପାଗ ବିଭାଗ ।

*Desk*

# ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ ମନ୍ କୀ ବାତ୍ କାର୍ଯ୍ୟକ୍ରମର ୧୧୯ତମ ସଂସ୍କରଣ ହେବ। ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

*BBSR/R*

# ମୁଖ୍ୟମନ୍ତ୍ରୀ - ନେପାଳ ବୈଦେଶିକ ମନ୍ତ୍ରୀ

ଭୁବନେଶ୍ୱରର ଏକ ଘରୋଇ ବିଶ୍ୱବିଦ୍ୟାଳୟରେ ନେପାଳୀ ଛାତ୍ରୀ ମୃତ୍ୟୁ ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ନେପାଳର ବୈଦେଶିକ

ବ୍ୟାପାର ମନ୍ତ୍ରୀ ଡକ୍ଟର ଆର୍ଜୁ ରାନା ଦେଉବାଙ୍କ ସହ ଫୋନ୍ ଯୋଗେ କଥା ହୋଇଛନ୍ତି । ଏହି ସମୟରେ ମୁଖ୍ୟମନ୍ତ୍ରୀ ଦୋଷୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି । ମୁଖ୍ୟମନ୍ତ୍ରୀ କହିଛନ୍ତି, ରାଜ୍ୟ ସରକାର ଘଟଣା ଉପରେ ତୀକ୍ଷ୍ଣ ନଜର ରଖିଛନ୍ତି ।  ନେପାଳ ଛାତ୍ରଛାତ୍ରୀଙ୍କ ସୁରକ୍ଷା ସରକାରଙ୍କ ଦାୟିତ୍ୱ, ଛାତ୍ରଛାତ୍ରୀଙ୍କ ଭରସା ଏବଂ ଆତ୍ମବିଶ୍ୱାସ ଫେରାଇ ଆଣିବାପାଇଁ ସମସ୍ତ ପଦକ୍ଷେପ ନିଆଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

ଏହାପରେ ଶ୍ରୀ ମାଝୀ ମାମଲାର ତଦାରଖପାଇଁ ଭୁବନେଶ୍ୱର ଆସିଥିବା ନେପାଳ ଦୂତାବାସର ଅଧିକାରୀ ସଞ୍ଜୀବ ଶର୍ମା ଦାସ ଏବଂ ନବୀନରାଜ ଅଧିକାରୀଙ୍କ ସହ ଲୋକସେବା ଭବନରେ ଆଲୋଚନା କରିଛନ୍ତି । ଆଲୋଚନା ସମୟରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ଏହି ଘଟଣାରେ ୧୦ ଜଣଙ୍କୁ ଗିରଫ କରାଯାଇଛି । ବିଶ୍ୱବିଦ୍ୟାଳୟରେ ଶିକ୍ଷାର ବାତାବରଣ ଫେରାଇ ଆଣିବାପାଇଁ ସରକାର ସମସ୍ତ ବ୍ୟବସ୍ଥା କରୁଛନ୍ତି ।

***BBSR/R***

## ପ୍ରଜାପିତା ବ୍ରହ୍ମକୁମାରୀ

କେନ୍ଦୁଝରର ପୁରୁଣା ବଜାରଠାରେ ଥିବା ପ୍ରଜାପିତା ବ୍ରହ୍ମକୁମାରୀ କାର୍ଯ୍ୟାଳୟ ପରିସରରେ 'ସୁଖ, ଶାନ୍ତି ସରୋବର'କୁ ମୁଖ୍ୟମନ୍ତ୍ରୀ ମୋହନ

ଚରଣ ମାଝୀ ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ଏକ ସୁନ୍ଦର ଆଧ୍ୟାତ୍ମିକ ବିଶ୍ୱର ପରିକଳ୍ପନାକୁ ବାସ୍ତବ ରୂପ ଦେବାପାଇଁ ଆମ ଚେତନାରେ ପରିବର୍ତ୍ତନ ଆଣିବା ଉଚିତ । ଏଥିପାଇଁ ସମସ୍ତଙ୍କର ସହଯୋଗ ଓ ସହଭାଗିତା ଜରୁରୀ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ଆଜିର ଯୁଗରେ କର୍ମବ୍ୟସ୍ତତା ମଧ୍ୟରେ ପାରିବାରିକ ଓ ସାମାଜିକ ସମ୍ପର୍କରେ ଅବକ୍ଷୟ ଦେଖାଯାଉଥିବାବେଳେ ପ୍ରଜାପିତା ବ୍ରହ୍ମକୁମାରୀଙ୍କ ନୀତି ଓ ପ୍ରଚେଷ୍ଟା ପୂର୍ବର ପ୍ରେମ, ଶାନ୍ତି ଓ ସୌହାର୍ଦ୍ଦ୍ୟ ଫେରାଇ ଆଣିବ ବୋଲି ମୁଖ୍ୟମନ୍ତ୍ରୀ ଆଶାବ୍ୟକ୍ତ କରିଛନ୍ତି ।

***BBSR/R***

# ସୁଭଦ୍ରା ଶକ୍ତିମେଳା

ଭୁବନେଶ୍ୱର ଜନତା ମଇଦାନରେ ଆଜିଠାରୁ ସୁଭଦ୍ରା ଶକ୍ତି ମେଳା ଆରମ୍ଭ ହୋଇଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମେଳାକୁ ଉଦ୍‌ଘାଟନ କରିଛନ୍ତି । ଗଣମାଧ୍ୟମକୁ ଶକ୍ତିମେଳା ସମ୍ପର୍କରେ ସୂଚନା ଦେଇ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି, ମେଳାରେ ୭୦୦ରୁ ଅଧିକ ସ୍ୱୟଂ ସହାୟକ ମହିଳା ଗୋଷ୍ଠୀ ଏବଂ ଉତ୍ପାଦକ ଗୋଷ୍ଠୀମାନଙ୍କ ଦ୍ୱାରା ପ୍ରସ୍ତୁତ ସାମଗ୍ରୀଗୁଡ଼ିକର ପ୍ରଦର୍ଶନ ଓ ବିକ୍ରି ହେଉଛି । ସୁଭଦ୍ରା ମେଳା ମହିଳାମାନଙ୍କ ସୃଜନଶୀଳତା, ଦକ୍ଷତା ଏବଂ ଉଦ୍ୟୋଗିତାକୁ ପରଖିବା ପାଇଁ ଏକ ଅନନ୍ୟ ସୁଯୋଗ ପ୍ରଦାନ କରିଛି ବୋଲି ଶ୍ରୀମତୀ ପରିଡ଼ା କହିଛନ୍ତି।

ଆସନ୍ତା ମାସ ୨ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ରାଜ୍ୟସ୍ତରୀୟ ମେଳାରେ ୩୦୦ରୁ ଅଧିକ ଷ୍ଟଲ୍ ଖୋଲାଯାଇଛି ।

***Desk***

## ଶକ୍ତିକାନ୍ତ ଦାସ - ପି.ଏମ୍. ପ୍ରମୁଖ ସଚିବ

ଭାରତୀୟ ରିଜର୍ଭ ବ୍ୟାଙ୍କ୍ର ପୂର୍ବତନ ଗଭର୍ଣ୍ଣର ତଥା ଅବସରପ୍ରାପ୍ତ ଆଇ.ଏ.ଏସ୍. ଅଧିକାରୀ ଶକ୍ତିକାନ୍ତ ଦାସଙ୍କୁ ପ୍ରଧାନମନ୍ତ୍ରୀଙ୍କ ଦ୍ୱିତୀୟ ପ୍ରମୁଖ ସଚିବ ଭାବେ ନିଯୁକ୍ତି ମିଳିଛି । ଏ ସମ୍ପର୍କରେ କାର୍ମିକ, ଜନ ଅଭିଯୋଗ ଏବଂ ପେନ୍‌ସନ୍ ମନ୍ତ୍ରଣାଳୟ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ସୂଚନା ଅନୁସାରେ, ଓଡ଼ିଶାରେ ଜନ୍ମିତ ଶ୍ରୀ ଦାସ ୧୯୮୦ ବ୍ୟାଚ୍‌ର ତାମିଲନାଡୁ କ୍ୟାଡର୍‌ର ଆଇ.ଏ.ଏସ୍. ଅଧିକାରୀ । ବର୍ତ୍ତମାନ ଓଡ଼ିଶାର ପ୍ରମୋଦ କୁମାର ମିଶ୍ର ମଧ୍ୟ ପ୍ରଧାନମନ୍ତ୍ରୀଙ୍କ ପ୍ରମୁଖ ସଚିବ ଭାବେ କାର୍ଯ୍ୟ କରୁଛନ୍ତି ।

***Ganjam/R***

## ଧାନ ସଂଗ୍ରହ - ସମୀକ୍ଷା

ଗଞ୍ଜାମ ଜିଲ୍ଲା ଛତ୍ରପୁର ସର୍କିଟ୍ ହାଉସ୍‌ଠାରେ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ଅଧ୍ୟକ୍ଷତାରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ

ହୋଇଯାଇଛି । ଜିଲ୍ଲାରେ ଚଳିତବର୍ଷ ୫୯ ଲକ୍ଷ ୭୩ ହଜାର କୁଇଣ୍ଟାଲ୍ ଧାନ ସଂଗ୍ରହ ଲକ୍ଷ୍ୟ ଧାର୍ଯ୍ୟ ହୋଇଥିଲାବେଳେ ବର୍ତ୍ତମାନ ସୁଦ୍ଧା ୧ ଲକ୍ଷ ୨୦ ହଜାର ୭୭୭ ଜଣ ଚାଷୀଙ୍କଠାରୁ ୫୦ ଲକ୍ଷ ୪୨ ହଜାର ୨୭୨ କୁଇଣ୍ଟାଲ୍ ଧାନ ସଂଗ୍ରହ କରାଯାଇଛି, ଯାହାକି ରେକର୍ଡ଼ ସଂଖ୍ୟକ ଧାନ ସଂଗ୍ରହ ଓ ସର୍ବାଧିକ ଚାଷୀ ଧାନ ବିକ୍ରି କରିଥିବା ଯୋଗାଣ ବିଭାଗ ପକ୍ଷରୁ କୁହାଯାଇଛି । ଏ ସମ୍ପର୍କରେ ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି :

***Voice*** **:..........**

***IPR***

# ଟ୍ରାଭେଲ୍ ବଜାର

ଭାରତୀୟ ବାଣିଜ୍ୟ ଓ ଶିଳ୍ପ ମହାସଂଘ ସହଭାଗିତାରେ ରାଜ୍ୟ ପର୍ଯ୍ୟଟନ ବିଭାଗ ପକ୍ଷରୁ ଆସନ୍ତା ସୋମବାର ଦିନ ଷଷ୍ଠ ଓଡ଼ିଶା ଟ୍ରାଭେଲ୍ ବଜାର ଆରମ୍ଭ ହେବ । ଭୁବନେଶ୍ୱରରେ ଏ ସମ୍ପର୍କରେ ଗଣମାଧ୍ୟମକୁ ଅଧିକ ସୂଚନା ଦେଇ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି, ଟ୍ରାଭେଲ୍ ବଜାର ଏକ ଅଗ୍ରଣୀ ଅନ୍ତର୍ଜାତୀୟ ପର୍ଯ୍ୟଟନ ଗନ୍ତବ୍ୟସ୍ଥଳୀ ଭାବେ ଓଡ଼ିଶାର ସ୍ଥିତିକୁ ସୁଦୃଢ଼ କରିବ । ରାଜ୍ୟର ସାଂସ୍କୃତିକ ଐତିହ୍ୟ, ସୁନ୍ଦର ବେଳାଭୂମି, ଇକୋ-ଟୁରିଜିମ୍ ଓ ରୋମାଞ୍ଚକର ପର୍ଯ୍ୟଟନ ଭିତ୍ତିଭୂମି ଉପରେ ଶ୍ରୀମତୀ ପରିଡ଼ା ଗୁରୁତ୍ୱାରୋପ କରିଛନ୍ତି । ଏହି କାର୍ଯ୍ୟକ୍ରମ ୨୭ ତାରିଖ ପର୍ଯ୍ୟନ୍ତ ଚାଲିବ ।

***Puri/R***

# ବିଶ୍ୱକର୍ମା ମହାସଭା-ହୀରକ ଜୟନ୍ତୀ

ପୁରୀ ଟାଉନ୍‌ହଲ୍‌ଠାରେ ନିଖିଳ ଉତ୍କଳ ବିଶ୍ୱକର୍ମା ସମିତି ପକ୍ଷରୁ ଅଖିଳ ଭାରତୀୟ ବିଶ୍ୱକର୍ମା ମହାସଭାର ହୀରକ ଜୟନ୍ତୀ ସମାରୋହ ଅନୁଷ୍ଠିତ ହୋଇଯାଇଛି । ମତ୍ସ୍ୟ ଓ ପ୍ରାଣୀସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ କାର୍ଯ୍ୟକ୍ରମରେ ଯୋଗ ଦେଇ ବିଶ୍ୱକର୍ମା ଯୋଜନାରେ କାରିଗରମାନଙ୍କୁ ସହାୟତା ପ୍ରଦାନ କରାଯାଉଛି ଏବଂ ବିକଶିତ ଭାରତ ଓ ବିକଶିତ ଓଡ଼ିଶା ଗଠନ ନିମନ୍ତେ ସମସ୍ତଙ୍କ ଅବଦାନ ଆବଶ୍ୟକ ବୋଲି କହିଛନ୍ତି ।

***Sambalpur/R***

# ପୂର୍ବୋଦୟ-୨୦୨୫

ସମ୍ବଲପୁର ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟ ପ୍ରେକ୍ଷାଳୟରେ ଏମ୍.ଏସ୍.ଏମ୍.ଇ. ବିଭାଗ ପକ୍ଷରୁ 'ପୂର୍ବୋଦୟ-୨୦୨୫' କାର୍ଯ୍ୟକ୍ରମ ଆରମ୍ଭ ହୋଇଛି । ତିନିଦିନ ଧରି ଚାଲିବାକୁ ଥିବା ଏହି କାର୍ଯ୍ୟକ୍ରମକୁ ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାଏକ ଯୋଗଦେଇ ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ମନ୍ତ୍ରୀ ନାଏକ କହିଛନ୍ତି, ଚାକିରି କରିବା ଅପେକ୍ଷା ଚାକିରି ଯୋଗାଇ ଦେବା ନୂଆପିଢ଼ିର ଲକ୍ଷ୍ୟ ହେବା ଆବଶ୍ୟକ । ଷ୍ଟାର୍ଟଅପ୍‌ପାଇଁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କର ଅନେକ ଯୋଜନା ରହିଛି । ଆଜିର

କାର୍ଯ୍ୟକ୍ରମରେ ସ୍ୱାବଲମ୍ବୀ ହେବା ସହ ଲୋକଙ୍କୁ ରୋଜଗାର ଦେବା ସଂକ୍ରାନ୍ତରେ ପ୍ରଶିକ୍ଷଣ ଦିଆଯାଉଛି ବୋଲି ମନ୍ତ୍ରୀ ଶ୍ରୀ ନାଏକ କହିଛନ୍ତି ।

***BBSR/R***

## କ୍ରୀଡ଼ାବିତ୍ - ପୁରସ୍କାର

ଉତ୍ତରାଖଣ୍ଡର ଡେରାଡୁନ୍‌ଠାରେ ଅନୁଷ୍ଠିତ ୩୮ତମ ଜାତୀୟ କ୍ରୀଡ଼ା ପ୍ରତିଯୋଗିତାରେ ପଦକ ହାସଲ କରିଥିବା ଓଡ଼ିଆ ଖେଳାଳିମାନଙ୍କୁ ଆଜି ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି । ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଆୟୋଜିତ କାର୍ଯ୍ୟକ୍ରମରେ ବିଭାଗୀୟ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କ୍ରୀଡ଼ାବିତ୍‌ମାନଙ୍କୁ ପୁରସ୍କାର ରାଶି ଓ ପ୍ରମାଣପତ୍ର ପ୍ରଦାନ କରିଛନ୍ତି । ପ୍ରତିଯୋଗିତାରେ ସ୍ୱର୍ଣ୍ଣପଦକ ହାସଲ କରିଥିବା ଖେଳାଳିଙ୍କୁ ୬ ଲକ୍ଷ,, ରୌପ୍ୟ ପଦକପାଇଁ ୪ ଲକ୍ଷ୍ୟ ଏବଂ କାଂସ୍ୟ ପଦକ ପାଇଁ ୩ ଲକ୍ଷ ଟଙ୍କା ଲେଖାଏଁ ପ୍ରଦାନ କରାଯାଇଛି ।

***Desk***

## ଏଫ୍.ଆଇ.ଏଚ୍. ପ୍ରୋ ଲିଗ୍

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଚାଲିଥିବା ଏଫ୍‌ଆଇଏଚ୍ ପ୍ରୋ. ଲିଗ୍ ମହିଳା ବର୍ଗରେ ଭାରତ ଏବଂ ଜର୍ମାନୀ ମଧ୍ୟରେ ଖେଳ ଜାରି ରହିଛି । ସମ୍ବାଦ ପ୍ରସ୍ତୁତ ହେବା ବେଳକୁ ଭାରତ ୧-୦ ଗୋଲ୍‌ରେ ଆଗୁଆ ରହିଛି ।

ଏହା ପୂର୍ବରୁ ମହିଳା ବର୍ଗର ଅନ୍ୟ ଏକ ମ୍ୟାଚ୍‌ରେ  ନେଦରଲାଣ୍ଡ ଇଂଲଣ୍ଡକୁ ୬-୦ ଗୋଲ୍‌ରେ ପରାସ୍ତ କରିଛି ।

ପୁରୁଷ ବର୍ଗରେ ଆଜି ସନ୍ଧ୍ୟା ସାଢ଼େ ୭ଟାରେ ଭାରତ ଏବଂ ଆୟାରଲ୍ୟାଣ୍ଡ ମଧ୍ୟରେ ମ୍ୟାଚ୍ ଅନୁଷ୍ଠିତ ହେବ ।

*Dhenkanal, Nayagarh, Bhadrak/R*

## ଏଥର କିଛି ସମ୍ବାଦ ସଂକ୍ଷେପରେ...

- ନୀତି ଆୟୋଗର ସଦସ୍ୟ ଡକ୍ଟର ଅରବିନ୍ଦ ଭୀରମନି ଢେଙ୍କାନାଳ ଜିଲ୍ଲାକୁ ଦିନିକିଆ ଗସ୍ତରେ ଆସି ସର୍କିଟ୍ ହାଉସ୍‌ରେ ଜିଲ୍ଲାପାଳ ଓ ଅନ୍ୟ ବିଭାଗୀୟ ଅଧିକାରୀଙ୍କ ସହିତ ଜିଲ୍ଲାର ଭୌଗୋଳିକ ସ୍ଥିତି ଓ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଛନ୍ତି ।

- ନୟାଗଡ଼ ଜିଲ୍ଲା ରାହାସ ବିଦ୍ୟାପୀଠରେ ଭାରତୀୟ ତୈଳ ନିଗମ ପକ୍ଷରୁ ଇନ୍ଧନ ସଂରକ୍ଷଣ ବିଷୟକୁ ନେଇ ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି ।

- ଭଦ୍ରକ ଜିଲ୍ଲା ଆଗରପଡ଼ା ମହାବିଦ୍ୟାଳୟରେ ରେଡ୍‌କ୍ରସ୍ ପକ୍ଷରୁ ଏଡ୍‌ସ ସମ୍ପର୍କିତ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ସ୍ୱାସ୍ଥ୍ୟାଧିକାରୀ, କାଉନ୍‌ସିଲର୍ ପ୍ରମୁଖ ଉପସ୍ଥିତ ଥିଲେ ।

- ନୟାଗଡ଼ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଅନୁସୂଚୀତ ଜାତି ଆବାସିକ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକମାନଙ୍କୁ ନେଇ ଶିଶୁ ନିର୍ଯାତନା ସମ୍ପର୍କିତ ଏକ ଜିଲ୍ଲାସ୍ତରୀୟ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି ।

***Sambalpur/R***

## ସମାବେଶ ଓ ବସନ୍ତ

ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟରେ ବାର୍ଷିକ  ବୈଷୟିକ ଉତ୍ସବ "ସମାବେଶ ଓ ବସନ୍ତ" ଉଦ୍‌ଯାପିତ ହୋଇଛି । ୩ ଦିନ ଧରି ଚାଲିଥିବା କାର୍ଯ୍ୟକ୍ରମରେ ବିଭିନ୍ନ ଟେକ୍ନିକାଲ୍ ସୋସାଇଟିଦ୍ୱାରା ପ୍ରଦର୍ଶନୀ ଆୟୋଜିତ ହୋଇଥିଲା । ଉତ୍ସବରେ ବିଭିନ୍ନ ରାଜ୍ୟର ଶିକ୍ଷଣୀୟ, ଶୈକ୍ଷିକ ଓ ସାଂସ୍କୃତିକ କାର୍ଯ୍ୟକ୍ରମମାନ ଦେଖିବାକୁ ମିଳିଥିଲା ।

***Desk***

## ପାଣିପାଗ

ରାଜ୍ୟର କେତେକ ସ୍ଥାନରେ  ପଶ୍ଚିମା ଝଡ଼ର ପ୍ରଭାବରେ ବର୍ଷା ହୋଇଯାଇଛି। ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବାଲେଶ୍ୱର, ଭଦ୍ରକ, ମୟୂରଭଞ୍ଜ,

ଯାଜପୁର, କେନ୍ଦୁଝର, ଢେଙ୍କାନାଳ, ସୁନ୍ଦରଗଡ଼, ଝାରସୁଗୁଡ଼ା ଏବଂ କେନ୍ଦ୍ରାପଡ଼ା ଜିଲ୍ଲାର କେତେକ ସ୍ଥାନରେ ଘଡ଼ଘଡ଼ି ସହ ପ୍ରବଳ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି । ସେହିପରି ୧୩ଟି ଜିଲ୍ଲାରେ ବର୍ଷା ହେବାର ସମ୍ଭାବନା ରହିଛି ।

*****